ପ୍ରେସ୍‌ନୋଟ୍‌

## ଆଜି ଅନୁଗୋଳ ଜିଲ୍ଲାରୁ ୩୩ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୧୭ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୭ ଜଣ ।

ଅନୁଗୋଳ, ତା,୦୬.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୯୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍‌ ଅଂଚଳରୁ ସର୍ବାଧିକ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍‌ ଅଂଚଳରୁ ୬ଜଣ ( ୩ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ (୧ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍‌ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ତାଳଚେର ବ୍ଲକ୍‌ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍‌ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍‌ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।ଆଜି ଅନୁଗୋଳ ବ୍ଲକ୍‌ , ତାଳଚେର ପୌରାଞ୍ଚଳ,ଆଠମଲ୍ଲିକ ବ୍ଲକ୍‌ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୭ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୪୪ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୯୮ ତା.୦୬.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୦୬/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ